ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/HTH(Odia)/196 /18 -03 -2025

# ୧୯ତମ ତୋଷାଳି ଜାତୀୟ ହସ୍ତଶିଳ୍ପ ମେଳା ପାଇଁ ସାମ୍ବାଦିକ ସମ୍ମିଳନୀ
## ତୋଷାଳି ମେଳା ହେବ ହସ୍ତଶିଳ୍ପ ଓ ହସ୍ତତନ୍ତ ସଂସ୍କୃତିର ନିଦର୍ଶନ: ମାନ୍ୟବର ମନ୍ତ୍ରୀ ଶ୍ରୀ ପ୍ରଦିପ ବଳ ସାମନ୍ତ

- ୧୯ ରୁ ୩୧ ମାର୍ଚ୍ଚ ୨୦୨୫ ପର୍ଯ୍ୟନ୍ତ ଭୁବନେଶ୍ୱର ଜନତା ମଇଦାନରେ ଅନୁଷ୍ଠିତ ହେବ
- ୬୫୦ ରୁ ଅଧିକ ଷ୍ଟଲ, ଖୋଲା ରହିବ ଦିବା ୩ ରୁ ରାତି ୧୦
- ୩୦ ଲକ୍ଷ ଜନ ସମାଗମ ସହ ୨୮ କୋଟିର ବାଣିଜ୍ୟ ଲକ୍ଷ୍ୟ
- ୨୫୦୦ ବର୍ଗଫୁଟ ପରିମିତ ଅଞ୍ଚଳରେ ପ୍ରସ୍ତୁତ ହୋଇଛି ଥିମ ପାଭିଲିଅନ୍ "ଶିଳ୍ପ ସୃଜନୀ"
- ଦିବ୍ୟାଙ୍ଗ ଓ ବୟସ୍କଙ୍କ ପାଇଁ ସ୍ୱତନ୍ତ୍ର ହେଲ୍ପ ଡେସ୍କ, ହ୍ୱିଲ ଚେୟାର
- ଦିବ୍ୟାଙ୍ଗ ଓ ମହିଳାଙ୍କ ପାଇଁ ସ୍ୱତନ୍ତ୍ର ଶୌଚାଳୟ
- ମା' ଓ ନବଜାତ ଶିଶୁଙ୍କ ପାଇଁ ମା' ଓ ଶିଶୁ ଯତ୍ନ କକ୍ଷ
- ପ୍ରତ୍ୟେକ ଦିନ ସନ୍ଧ୍ୟାରେ ମନମୋହିବ ସାଂସ୍କୃତିକ କାର୍ଯ୍ୟକ୍ରମ
- ଆୟୋଜିତ ହେବ ରାଜ୍ୟର ସମୃଦ୍ଧ ହସ୍ତତନ୍ତ ଓ ହସ୍ତଶିଳ୍ପକୁ ନେଇ "ଫ୍ୟାସନ ସୋ"

ଭୁବନେଶ୍ୱର, ତା: ୧୮/୦୩/୨୦୨୫

ଆସନ୍ତାକାଲିଠାରୁ ଆରମ୍ଭ ହେବାକୁ ଯାଉଛି ଊନବିଂଶ ତୋଷାଳି ଜାତୀୟ ହସ୍ତଶିଳ୍ପ ମେଳା-୨୦୨୫ । ଏହି ଉପଲକ୍ଷେ ଆଜି ଏକ ସାମ୍ବାଦିକ ସମ୍ମିଳନୀ ସ୍ଥାନୀୟ ରାଜ୍ୟ ଅତିଥି ଭବନର ସମ୍ମିଳନୀ କକ୍ଷରେ ଆୟୋଜିତ ହୋଇଯାଇଛି । ମାନ୍ୟବର ସମବାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ମନ୍ତ୍ରୀ ଶ୍ରୀ ପ୍ରଦିପ ବଳ ସାମନ୍ତ ସାମ୍ବାଦିକ ସମ୍ମିଳନୀକୁ ସମ୍ବୋଧନ କରି କହିଛନ୍ତି, ତୋଷାଳି ମେଳା ହେବ ସମୃଦ୍ଧ ହସ୍ତଶିଳ୍ପ ଓ ହସ୍ତତନ୍ତ ସଂସ୍କୃତିର ନିଦର୍ଶନ । ଆସନ୍ତାକଲି ଓଡ଼ିଶାର ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ କର କମଳରେ ଏହାର ଶୁଭ ଉଦଘାଟନ ହେବ । ଭାରତୀୟ ପାରମ୍ପରିକ କଳା, ହସ୍ତଶିଳ୍ପ ଏବଂ ହସ୍ତତନ୍ତର ସଂରକ୍ଷଣ ସହ ବୁଣାକାର ଏବଂ ହସ୍ତଶିଳ୍ପ କାରିଗରମାନଙ୍କ ଦ୍ୱାରା ପ୍ରସ୍ତୁତ ସାମଗ୍ରୀର ବିକ୍ରି ନିମନ୍ତେ ଏହା ଏକ ବଜାର ଯୋଗାଇଦେବ ।

ସୂଚନାଯୋଗ୍ୟ, ଚଳିତବର୍ଷ ଏହି ମେଳାରେ ୬୫୦ ରୁ ଅଧିକ ଷ୍ଟଲର ଆୟୋଜନ ହୋଇଛି । ଭାରତ ସରକାରଙ୍କ ହସ୍ତଶିଳ୍ପ ବିକାଶ ଆୟୁକ୍ତଙ୍କ ପକ୍ଷରୁ ୧୫୦ଟି ଷ୍ଟଲ, ହସ୍ତତନ୍ତ ବିକାଶ ଆୟୁକ୍ତଙ୍କ ପକ୍ଷରୁ ୫୦ ଟି ଷ୍ଟଲ, ରାଜ୍ୟ

ସରକାରଙ୍କ ହସ୍ତଶିଳ୍ପ ନିର୍ଦ୍ଦେଶାଳୟ ପକ୍ଷରୁ ୨୫୦ ଷ୍ଟଲ, ହସ୍ତତନ୍ତ ଓ ବୟନଶିଳ୍ପ ନିର୍ଦ୍ଦେଶାଳୟ ପକ୍ଷରୁ ୧୧୦ ଟି ଷ୍ଟଲ ବ୍ୟବସ୍ଥା ହୋଇଛି । ଓଡିଶାର ପାରମ୍ପରିକ ଖାଦ୍ୟ ପାଇଁ ୩୫ ଗୋଟି ଷ୍ଟଲ ରହିବ । ଏତଦ ବ୍ୟତୀତ ବିଭିନ୍ନ ଶିକ୍ଷାନୁଷ୍ଠାନ, ଭାରତ ତଥା ଓଡିଶା ସରକାରଙ୍କ ଅଧିନସ୍ଥ ହସ୍ତଶିଳ୍ପ ଏବଂ ହସ୍ତତନ୍ତ ଭିତ୍ତିକ ସଂସ୍ଥାମାନେ ବିଭିନ୍ନ ଷ୍ଟଲରେ ଦର୍ଶକମାନଙ୍କୁ ହସ୍ତତନ୍ତ ଓ ହସ୍ତଶିଳ୍ପ ବିଷୟରେ ଅବଗତ କରିବେ । ୨୫୦୦ ବର୍ଗଫୁଟ ପରିମିତ ଅଞ୍ଚଳରେ ପ୍ରସ୍ତୁତ ହୋଇଛି ଥିମ ପାଭିଲିଅନ୍ "ଶିଳ୍ପ ସୃଜନୀ ।"

ଦିବା ୩.୦୦ ଘଟିକା ଠାରୁ ରାତ୍ର ୧୦.୦୦ ଘଟିକା ପର୍ଯ୍ୟନ୍ତ ଷ୍ଟଲ ଖୋଲା ରହିବ । ପ୍ରତ୍ୟେକ ଦିନ  ସନ୍ଧ୍ୟା ୬ ରୁ ରାତ୍ର ୯.୩୦ ଘଟିକା ପର୍ଯ୍ୟନ୍ତ  ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହେବ  । ରାଜ୍ୟର ସମୃଦ୍ଧ ହସ୍ତତନ୍ତ ଓ ହସ୍ତଶିଳ୍ପକୁ ନେଇ "ଫ୍ୟାସନ ସୋ"ର ମଧ୍ୟ କରାଯିବ  । ଚଳିତ ବର୍ଷ ମେଳାରେ ୩୦ ଲକ୍ଷ ଜନ ସମାବେଶ ସହିତ ୨୮ କୋଟି ଟଙ୍କାର ସାମଗ୍ରୀ ବିକ୍ରି ହେବ ବୋଲି ଆଶା କରାଯାଉଛି ।

ତୋଷାଳି ଜାତୀୟ ମେଳା ପରିସରରେ ସମସ୍ତ ବ୍ୟବସ୍ଥା ଯଥା ଦମକଳ ବାହିନୀ, ନିରାପତ୍ତା ସହାୟତା, ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀ, ପ୍ରାଥମିକ ଚିକିତ୍ସା ସେବା, ଆମ୍ବୁଲାନ୍ସ  ସେବା, ପାନୀୟ ଜଳ, ଶୌଚାଳୟ, ଏଟିଏମ୍ କାଉଣ୍ଟରର ସୁବିଧା କରାଯାଇଛି । ମହିଳା କାରିଗର ଓ ବୁଣାକାରମାନଙ୍କ ନିମନ୍ତେ ମାଗଣା ରହଣି ତଥା ପରିବହନ ସୁବିଧା ଆଦିର ବ୍ୟବସ୍ଥା କରାଯାଇଛି ।

ଏହି ବର୍ଷ ମେଳାକୁ ବୟସ୍କ ତଥା ଦିବ୍ୟାଙ୍ଗ ଅନୁକୂଳ ବାତାବରଣରେ ଅନୁଷ୍ଠିତ ହେବାକୁ ସ୍ଥିର କରାଯାଇଅଛି । ହୁଇଲ ଚେୟାର ସହ ଦିବ୍ୟାଙ୍ଗ ଓ ବୟସ୍କ ପରିଦର୍ଶକଙ୍କ ପାଇଁ ଏକ ସ୍ୱତନ୍ତ୍ର ହେଲ୍ପ ଡେସ୍କର ବ୍ୟବସ୍ଥା କରାଯାଇଛି । ଦିବ୍ୟାଙ୍ଗ  ଓ ମହିଳା ପରିଦର୍ଶକମାନଙ୍କ ନିମନ୍ତେ ସ୍ୱତନ୍ତ୍ର ଶୌଚାଳୟର ବନ୍ଦୋବସ୍ତ ହୋଇଛି । ସର୍ବୋପରି ମା' ଓ ଶିଶୁଙ୍କ ପାଇଁ ଏକ ସ୍ୱତନ୍ତ୍ର ଶିଶୁ ଯତ୍ନ ଗୃହର ପରିକଳ୍ପନା କରାଯାଇଅଛି ।

ଭାରତ ସରକାରଙ୍କ ହସ୍ତତନ୍ତ ମନ୍ତ୍ରାଳୟର ବିକାଶ ଆୟୁକ୍ତ (ହସ୍ତଶିଳ୍ପ) ଓ ବିକାଶ ଆୟୁକ୍ତ (ହସ୍ତତନ୍ତ), ରାଜ୍ୟ ସରକାରଙ୍କ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ଏବଂ ରାଜ୍ୟ କଳା ଓ ହସ୍ତଶିଳ୍ପ ବିକାଶ ଅନୁଷ୍ଠାନ (ସିଡାକ)ର ମିଳିତ ସହଭାଗିତାରେ ଏହି ମେଳା ଆୟୋଜନ ହେଉଛି ।

ଏହି ସାମ୍ବାଦିକ ସମ୍ମିଳନୀରେ ବିଭାଗୀୟ କମିଶନର ତଥା ଶାସନ ସଚିବ ଶ୍ରୀମତୀ ଗୁହା ପୁନମ ତାପସ କୁମାର, ସ୍ୱତନ୍ତ୍ର ଶାସନ ସଚିବ ମଧୁମିତା ରଥ, ବୟନ ଓ ହସ୍ତତନ୍ତ ନିର୍ଦ୍ଦେଶକ ବିକ୍ରମାଦିତ୍ୟ ବାରିକ, ହସ୍ତଶିଳ୍ପ ନିର୍ଦ୍ଦେଶକ ତଥା ବୟନିକାର ପରିଚାଳନା ନିର୍ଦ୍ଦେଶକ ପ୍ରଣତୀ ଛୋଟରାୟ, ବ୍ୟକ୍ତିଗତ ସଚିବ ପୀତାମ୍ବର ସାମଲ, ଯୁଗ୍ମ ନିର୍ଦ୍ଦେଶକ ଶିଶିର କୁମାର ରଥ, ଉପ ନିର୍ଦ୍ଦେଶକ ମାନଗୋବିନ୍ଦ ଜେନା, ଗଣମାଧ୍ୟମ ପ୍ରତିନିଧି ପ୍ରମୁଖ ଉପସ୍ଥିତ ଥିଲେ ।

ଆଲୋକ କୁମାର ମହାନ୍ତି
ଲୋକ ସମ୍ପର୍କ ଅଧିକାରୀ